ODISHA POLICE
STATE HEADQUARTERS
CUTTACK.

# ପ୍ରେସ୍ ନୋଟ୍
## ତା ୧୯.୦୫.୨୦୨୪

ଆସନ୍ତା କାଲି ଓଡିଶାରେ ଦ୍ୱିତୀୟ ପର୍ଯ୍ୟାୟ ସାଧାରଣ ନିର୍ବାଚନ ଅନୁଷ୍ଠିତ ହେବାକୁ ଯାଉଛି । ଏହି ପର୍ଯ୍ୟାୟକୁ ଶାନ୍ତି ଶୃଙ୍ଖଳା, ଅବାଧ, ମୁକ୍ତ ଏବଂ ନିରପେକ୍ଷ ନିର୍ବାଚନ ଅନୁଷ୍ଠିତ କରାଯିବ ନିମନ୍ତେ ରାଜ୍ୟ ପୋଲିସ ତରଫରୁ ବ୍ୟାପକ ବ୍ୟବସ୍ଥା ଗ୍ରହଣ କରାଯାଇଛି ବୋଲି ରାଜ୍ୟ ପୋଲିସ ଆରକ୍ଷୀ ମହାନିର୍ଦ୍ଦେଶକ ଶ୍ରୀ ଅରୁଣ କୁମାର ଷଡ଼ଙ୍ଗୀ ଭୁବନେଶ୍ୱରସ୍ଥିତ ପୋଲିସ ସେବା ଭବନ ଠାରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ କହିଛନ୍ତି । ରାଜ୍ୟର ଯେକୌଣସି ସ୍ଥାନରେ ପ୍ରାକ ନିର୍ବାଚନୀ ହିଂସାକୁ ବରଦାସ୍ତ କରାଯିବ ନାହିଁ ଏବଂ ଗଣ୍ଡଗୋଳକାରୀଙ୍କ ବିରୋଧରେ ଦୃଢ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଡିଜିପି ଶ୍ରୀ ଷଡ଼ଙ୍ଗୀ ମତବ୍ୟକ୍ତ କରିଛନ୍ତି । ଏହାସହ ରାଜନୈତିକ ହିଂସାକାଣ୍ଡରେ ସମ୍ପୃକ୍ତ ଥିବା ବ୍ୟକ୍ତିବିଶେଷଙ୍କ ବିରୋଧରେ ତଦନ୍ତ କରି ତୁରନ୍ତ ଚାର୍ଜସିଟ ପ୍ରସ୍ତୁତ କରାଯିବା ସହ ଦୋଷୀ ସାବ୍ୟସ୍ତ କରିବାକୁ ସ୍ୱତନ୍ତ୍ର ପଦକ୍ଷେପ ନିଆଯିବ ବୋଲି ଡିଜପି କହିଛନ୍ତି । ଯେକୌଣସି ପରିସ୍ଥିତିକୁ ସାମ୍ନା କରିବାକୁ ରାଜ୍ୟ ପୋଲିସ ବାହିନୀ ସବୁବେଳେ ପ୍ରସ୍ତୁତ ରହିଛନ୍ତି ବୋଲି ଡିଜିପି ଶ୍ରୀ ଷଡ଼ଙ୍ଗୀ କହିଥିଲେ । ରାଜନୈତିକ ହିଂସାକାଣ୍ଡ ସମ୍ପର୍କରେ କୌଣସି ଆଭାସ ମିଳିଲେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ସେ କହିଥିଲେ ।

ଏହି ଅବସରରେ ଡିଜିପି ଶ୍ରୀ ଷଡଙ୍ଗୀ କହିଥିଲେ ଯେ ଦ୍ୱିତୀୟ ପର୍ଯ୍ୟାୟରେ ୫ଟି ଲୋକସଭା ଓ ୩୫ଟି ବିଧାନସଭା କ୍ଷେତ୍ର ପାଇଁ ମତଗ୍ରହଣ କରାଯିବ । ସେଥିପାଇଁ ୧୧ ପୋଲିସ ଜିଲ୍ଲାରେ ୭୩୩୯ ସ୍ଥାନରେ ୯୧୬୨ ମତଦାନ କେନ୍ଦ୍ର ମଧ୍ୟରୁ ୫୫୬ଟି ବୁଥ ମାଓବାଦୀ ଅଧ୍ୟୁଷିତ ଅଞ୍ଚଳରେ ରହିଛି । ନିର୍ବାଚନ ପରିଚାଳନାର ସୁରକ୍ଷା ଲାଗି ବିଭିନ୍ନ ପାହ୍ୟାର ୩୩ ହଜାର ପୋଲିସ କର୍ମଚାରୀଙ୍କ ମୁତୟନ କରାଯାଇଛି ଯେଉଁଥିରେ ୧୦୨ କମ୍ପାନୀ ଅର୍ଦ୍ଧ ସାମରିକ ବାହିନୀ, ୭୬ ପ୍ଲାଟୁନ ଆର୍ମଡ଼ ପୋଲିସ ଫୋର୍ସ ଅଛନ୍ତି । ୪୭ ଜଣ ଅତିରିକ୍ତ ଏସପି, ୮୮ ଡିଏସପି, ୨୩୬ ଇନ୍ସପେକ୍ଟର, ୨୦୦୦ ଏସଆଇ/ ଏଏସଆଇ ସହ ୧୧୮୦୦ କନଷ୍ଟେବଲ/ ହାବିଲଦାର, ୫୮୦୦ ଗୃହରକ୍ଷୀ ଓ ଗ୍ରାମରକ୍ଷୀ ନିର୍ବାଚନ ପରିଚାଳନାରେ ନିୟୋଜିତ ହୋଇଛନ୍ତି । ସେହିପରି ୬୫୫ ମୋବାଇଲ ପାଟ୍ରୋଲିଂ ପାର୍ଟି ମଧ୍ୟ ନିର୍ବାଚନକୁ ତତ୍ତ୍ୱାବଧାନ କରିବେ ବୋଲି ଡିଜିପି ଶ୍ରୀ ଷଡ଼ଙ୍ଗୀ କହିଛନ୍ତି ।

ଆସନ୍ତାକାଲି ନିର୍ବାଚନ ହେଉଥିବା ୧୧ ପୋଲିସ ଜିଲ୍ଲା ମଧ୍ୟରୁ ୪ ଜିଲ୍ଲାରେ ମାଓ ଗତିବିଧି ରହିଛି । ଏହି ପରିପ୍ରେକ୍ଷୀରେ କନ୍ଧମାଳ, ବୌଦ୍ଧ, ବଲାଙ୍ଗୀର ଏବଂ ବରଗଡ଼

ଜିଲ୍ଲାରେ ସୁରକ୍ଷା ବ୍ୟବସ୍ଥା କଡାକଡି କରାଯାଇଛି । ଗୁଇନ୍ଦା ବ୍ୟବସ୍ଥାକୁ ସକ୍ରିୟ କରାଯିବା ସହ ମାଓବାଦୀଙ୍କ ଗତିବିଧି ଉପରେ ନଜର ରଖାଯାଇଛି ବୋଲି ଡିଜିପି କହିଥିଲେ । ଗତ ୪ ମାସ ମଧ୍ୟରେ ୪ ଟି ଜିଲ୍ଲାରେ ୫୪୯ଟି ନକ୍ସଲ ବିରୋଧୀ ଅଭିଯାନ କରାଯାଇଛି । ନିର୍ବାଚନ ଲାଗି ସିଏପିଏଫର ୧୧୭ଟି ଅପରେସନ ପାର୍ଟି ଓ ୩୮ ୟୁନିଟ ଏସଓଜି ଓ ଡିଭିଏଫ ଜଙ୍ଗଲରେ ମାଓ ଅପରେସନ ଚଳାଇଛନ୍ତି । ଛତିଶଗଡ଼ର ୪ଟି ସୀମାବର୍ତ୍ତୀ ସ୍ଥାନରେ ଅପରେସନ ଚାଲିଛି । ମାଓ ଇଲାକାରେ ନିର୍ବାଚନ ଥିବା ସ୍ଥାନରେ ଅତିରିକ୍ତ ଡିଜି ଅପରେସନ ଶ୍ରୀ ଦେବଦତ୍ତ ସିଂ ଅବସ୍ଥାନ କରି ସ୍ୱତନ୍ତ୍ର ନଜର ରଖିଛନ୍ତି ବୋଲି ଡିଜିପି କହିଥିଲେ ।

ସେହିପରି ଆଇନ ଶୃଙ୍ଖଳା ରକ୍ଷା ଓ ନିର୍ବାଚନ ପରିଚାଳନା ପାଇଁ ୧୧ ପୋଲିସ ଜିଲ୍ଲାରେ ୧୪୧ ଟି ଚେକପୋଷ୍ଟ ରହିଛି । ସୀମାଗୁଡିକୁ ସିଲ କରାଯାଇ କଡାକଡି ଭାବେ ଯାଞ୍ଚ କରାଯାଉଛି । ନିର୍ବାଚନ କମିଶନଙ୍କ ନିର୍ଦ୍ଦେଶ ମୁତାବକ ଫ୍ଲାଇସ୍କ୍ୱାର୍ଡ ଗଠନ କରାଯାଇଛି । ନିର୍ବାଚନ ହେବାକୁ ଥିବା ୧୧ ଜିଲ୍ଲାରେ ୨୫୭ ଟି ଫ୍ଲାଇସ୍କ୍ୱାର୍ଡ ଟିମ ରହିଛନ୍ତି । ଏହାବ୍ୟତୀତ ୨୫୧ଟି ଷ୍ଟାଟିକ ସର୍ଭେଲାନ୍ସ ଟିମ ପରିଭ୍ରମଣ କରୁଛନ୍ତି । ଏହି ୧୧ଟି ଜିଲ୍ଲାରେ ୧୮ଟି ଇଭିଏମ ଷ୍ଟ୍ରଙ୍ଗରୁମ ରହିଛି । ନିର୍ବାଚନ ପରେ ସେଠାରେ ଇଭିଏମଗୁଡିକ ରଖାଯିବ । ଏହି ଇଭିଏମ ସୁରକ୍ଷା ଲାଗି ଦୁଇସ୍ତରରେ ସୁରକ୍ଷା ଦାୟିତ୍ୱ ବିଭକ୍ତ କରାଯାଇଛି ବୋଲି ଡିଜିପି କହିଛନ୍ତି ।

ଏହି ଅବସରରେ ଅତିରିକ୍ତ ଆରକ୍ଷୀ ମହାନିର୍ଦ୍ଦେଶକ (ଏସଏପି) ଶ୍ରୀ ଆର.ପି. କୋଚେ, ଅତିରିକ୍ତ ଆରକ୍ଷୀ ମହାନିର୍ଦ୍ଦେଶକ (ଆଇନ ଓ ଶୃଙ୍ଖଳା) ଶ୍ରୀ ସଞ୍ଜୟ କୁମାର, ଆଇଜିପି (ପ୍ରୋଭିଜନିଙ୍ଗ) ଶ୍ରୀ ଯତିନ୍ଦ୍ର କୋୟଲ, ଆଇଜିପି (ବିପିଏସପିଏ) ଶ୍ରୀମତୀ ଏସ. ସାଇନୀ, ଆଇଜିପି (କ୍ରାଇମ ବ୍ରାଞ୍ଚ) ସଫିନ ଅହମ୍ମଦ, ଏଆଇଜିପି (ମୁଖ୍ୟାଳୟ) ଶ୍ରୀ ବାତୁଳ ଗଙ୍ଗାଧର ଉପସ୍ଥିତ ଥିଲେ ।

ଲୋକ ସମ୍ପର୍କ ଅଧିକାରୀ